# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

ପତ୍ର ସଂଖ୍ୟା ...୪୩୦୮... ତା ...୩୧-୦୧-୨୬... ରିଖ

ପ୍ରାପକେଷୁ,

ପୌର ପ୍ରଶାସନ ନିର୍ଦ୍ଦେଶକ ଏବଂ ପଦପ୍ରଯୁକ୍ତ ଅତିରିକ୍ତ ଶାସନ ସଚିବ,
ଗୃହ ଓ ନଗର ଉନ୍ନୟନ ବିଭାଗ, ଓଡ଼ିଶା, ଭୁବନେଶ୍ୱର ।

ବିଷୟ:- ଭୁବନେଶ୍ୱର ମହାନଗର ନିଗମର ତା୨୮.୦୧.୨୦୨୬ ରିଖ ସ୍ୱତନ୍ତ୍ର କର୍ପୋରେସନ ବୈଠକ (ଭୁବନେଶ୍ୱର ମହାନଗର ନିଗମର ୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ଚିଠା ବଜେଟ୍ ଉପସ୍ଥାପନ ସମ୍ପର୍କରେ) ବିବରଣୀ ପ୍ରେରଣ ସମ୍ବନ୍ଧରେ ।

ମହାଶୟା/ମହାଶୟ,

ଭୁବନେଶ୍ୱର ମହାନଗର ନିଗମର ତା୨୮.୦୧.୨୦୨୬ ରିଖ ସ୍ୱତନ୍ତ୍ର କର୍ପୋରେସନ ବୈଠକ (ଭୁବନେଶ୍ୱର ମହାନଗର ନିଗମର ୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ଚିଠା ବଜେଟ୍ ଉପସ୍ଥାପନ ସମ୍ପର୍କରେ) ବିବରଣୀ ଆପଣଙ୍କ ଅବଗତି ନିମନ୍ତେ ଏଥି ସହିତ ପ୍ରେରଣ କରାଗଲା ।

[signature] ୩୧/୦୧/୨୬
ସଚିବ
ଭୁବନେଶ୍ୱର ମହାନଗର ନିଗମ

**ସଂଲଗ୍ନକ- ଉପରବର୍ଣ୍ଣିତ ମତେ,**

ଜ୍ଞାପକ ସଂଖ୍ୟା- ...୪୩୧୦.../ତା ...୩୧-୦୧-୨୬... ରିଖ

ଏହାର ଏକକିତା ନକଲ ସହ ବିବରଣୀ ନକଲ ଭୁବନେଶ୍ୱର ମହାନଗର ନିଗମର ମେୟର/ ଡେ଼ପୁଟି ମେୟର/ ସମସ୍ତ କର୍ପୋରେଟର ମାନଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

[signature] ୩୧/୦୧/୨୬
ସଚିବ
ଭୁବନେଶ୍ୱର ମହାନଗର ନିଗମ

ଜ୍ଞାପକ ସଂଖ୍ୟା- ...୪୩୧୧.../ତା ...୩୧-୦୧-୨୬... ରିଖ

ଏହାର ଏକକିତା ନକଲ ସହ ବିବରଣୀ ନକଲ ଭୁବନେଶ୍ୱର ମହାନଗର ନିଗମ ମେୟରଙ୍କ ବାସ ଭବନସ୍ଥ କାର୍ଯ୍ୟାଳୟକୁ ରେକର୍ଡ଼ ନିମନ୍ତେ ପ୍ରେରଣ କରାଗଲା ।

[signature] ୩୧/୦୧/୨୬
ସଚିବ
ଭୁବନେଶ୍ୱର ମହାନଗର ନିଗମ

ଜ୍ଞାପକ ସଂଖ୍ୟା- ...୪୩୧୨.../ତା ...୩୧-୦୧-୨୬... ରିଖ

ଏହାର ଏକକିତା ନକଲ ସହ ବିବରଣୀ ନକଲ କାର୍ଯ୍ୟାଳୟ ବିଜ୍ଞାପନ ଫଳକ/ ଅଭିଯୋଗ ପ୍ରକୋଷ୍ଠ/ ମ୍ୟୁନିସିପାଲ୍ କମିଶନର/ ଅତିରିକ୍ତ କମିଶନର/ ନଗର ଯନ୍ତ୍ରୀ/ ସଚିବ/ ନିର୍ବାହୀ ଯନ୍ତ୍ରୀ ଖଣ୍ଡ-୧/ ନିର୍ବାହୀ ଯନ୍ତ୍ରୀ ଖଣ୍ଡ-୨/ ନିର୍ବାହୀ ଯନ୍ତ୍ରୀ ଖଣ୍ଡ-୩/ ନିର୍ବାହୀ ଯନ୍ତ୍ରୀ (ଡ୍ରେନେଜ୍)/ ନିର୍ବାହୀ ଯନ୍ତ୍ରୀ(ବିଦ୍ୟୁତ)/ ନଗର ସ୍ୱାସ୍ଥ୍ୟ ଅଧିକାରୀ/ ପୌର ମୁଖ୍ୟ ଚିକିତ୍ସାଧିକାରୀ/ ବିତ ଅଧିକାରୀ/ ନଗର ଯୋଜନାକାରୀ/ ଡ଼ି.ସି. (ପରିମଳ)/ ଡ଼ି.ସି. (ପାର୍କ/ସାମାଜିକ ସୁରକ୍ଷା)/ ଡ଼ି.ସି (ଜନମଙ୍ଗଳ)/ ଡି.ସି. (ହାଉସିଂ)/ ଡ଼ି.ସି. (ମାର୍କେଟ୍)/ ଡ଼ି.ସି (ଲ୍ୟାଣ୍ଡ)/ ଡ଼ି.ସି (ଲିଗାଲ୍)/ ଡ଼ି.ସି (ଯାନ)/ ଡ଼ି.ସି. (ରାଜସ୍ୱ)/ ଡ଼ି.ସି. (ଆଇ.ଟି)/ ଡ଼ି.ସି.(ପାର୍କିଙ୍ଗ୍)/ ଡ଼ି.ସି.(ଗୃହ ଟିକସ)/ ଡ଼ି.ସି. (ପ୍ରତିଷ୍ଠାନ)/ ଜୋନାଲ୍ କମିଶନର (ଉତର/ ଦକ୍ଷିଣ-ପୂର୍ବ/ଦକ୍ଷିଣ-ପଶ୍ଚିମ)/ମୁଖ୍ୟ ସମୀକ୍ଷକ/ ପରିବେଶ ଅଧିକାରୀ/ ମୁଖ୍ୟ ସହାୟକ ସମୂହ, ଭୁବନେଶ୍ୱର ମହାନଗର ନିଗମଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

[signature] ୩୧/୦୧/୨୬
ସଚିବ
ଭୁବନେଶ୍ୱର ମହାନଗର ନିଗମ

# ଭୁବନେଶ୍ୱର ମହାନଗର ନିଗମ

## ସତନ୍ତ୍ର ବୈଠକ ବିବରଣୀ

**ଭୁବନେଶ୍ୱର ମହାନଗର ନିଗମର ୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ଚିଠା ବଜେଟ୍ ଉପସ୍ଥାପନ**

ତା.୨୮.୦୧.୨୦୨୬ ରିଖ ✸ ସମୟ: ପୂର୍ବାହ୍ନ ଘ.୧୦.୩୦ ମିନିଟ୍ ✸ସ୍ଥାନ: BMC-ICOMC ସଭାକକ୍ଷ "ଏକାମ୍ର"

<u>ଉପସ୍ଥିତ ସଭ୍ୟ/ସଭ୍ୟା</u>

*ସର୍ବଶ୍ରୀ/ଶ୍ରୀମତୀ:*

| | | |
|---|---|---|
| ୧. | ସୁଲୋଚନା ଦାସ | ମେୟର |
| ୨. | ମଞ୍ଜୁଲତା କହଁର | ଡ଼େପୁଟି ମେୟର |
| ୩. | ମିହିର କୁମାର ରାଉତ | ୱାର୍ଡ଼ ନଂ-୦୧ |
| ୪. | ମୋନାଲିସା ବେହେରା | ୱାର୍ଡ ନଂ-୦୨ |
| ୫. | ଲକ୍ଷ୍ମୀପ୍ରିୟା ପରିଡ଼ା | ୱାର୍ଡ଼ ନଂ-୦୩ |
| ୬. | ମିନୁଶ୍ରୀ ଖୁଂଟିଆ | ୱାର୍ଡ ନଂ-୦୫ |
| ୭. | ପ୍ରୀତିନନ୍ଦା ରାଉତରାୟ | ୱାର୍ଡ଼ ନଂ-୦୬ |
| ୮. | ଯଶୋଧାରା ପ୍ରଧାନ | ୱାର୍ଡ଼ ନଂ-୦୭ |
| ୯. | ଲାଲ୍ ମୋହନ ଟୁଡୁ | ୱାର୍ଡ଼ ନଂ-୦୮ |
| ୧୦. | ସୁଷମା ସାହୁ | ୱାର୍ଡ ନଂ-୦୯ |
| ୧୧. | ସେକ୍ ନୁର୍‌ହାସନ୍ | ୱାର୍ଡ଼ ନଂ-୧୦ |
| ୧୨. | ପ୍ରଭାସିନି ମହାନ୍ତି | ୱାର୍ଡ଼ ନଂ-୧୧ |
| ୧୩. | ଜୟନ୍ତି ସାହୁ | ୱାର୍ଡ ନଂ-୧୨ |
| ୧୪. | ଇତିଶ୍ରୀ ଦାସ | ୱାର୍ଡ଼ ନଂ-୧୩ |
| ୧୫. | ମୋନାଲିସା ସାହୁ | ୱାର୍ଡ ନଂ-୧୪ |
| ୧୬. | ପିଙ୍କି ସ୍ୱାଇଁ | ୱାର୍ଡ଼ ନଂ-୧୫ |
| ୧୭. | ପୂଜା ମହାରଣା | ୱାର୍ଡ଼ ନଂ-୧୭ |
| ୧୮. | ବିପ୍ଳବ ବେହେରା | ୱାର୍ଡ଼ ନଂ-୧୮ |
| ୧୯. | ସ୍ମୃତିଶିଖା ବରିସଲ | ୱାର୍ଡ ନଂ-୧୯ |
| ୨୦. | ପ୍ରେମାନନ୍ଦ ଜେନା | ୱାର୍ଡ଼ ନଂ-୨୦ |
| ୨୧. | ପୂଜା ବେହେରା | ୱାର୍ଡ଼ ନଂ-୨୧ |
| ୨୨. | କିରଣବାଳା ମାଝୀ | ୱାର୍ଡ ନଂ-୨୩ |
| ୨୩. | ମାନସୀରାଣୀ ସୁନ୍ଦରାୟ | ୱାର୍ଡ ନଂ-୨୫ |
| ୨୪. | ଭାରତୀ ସିଂ | ୱାର୍ଡ଼ ନଂ-୨୬ |
| ୨୫. | ଝରଣାରାଣୀ ପତି | ୱାର୍ଡ଼ ନଂ-୨୮ |
| ୨୬. | ରାଜକିଶୋର ଦାସ | ୱାର୍ଡ଼ ନଂ-୩୦ |
| ୨୭. | କୁମାରେନ୍ଦ୍ର ମହାପାତ୍ର | ୱାର୍ଡ଼ ନଂ-୩୧ |
| ୨୮. | ଶ୍ରୀଧର ଜେନା | ୱାର୍ଡ଼ ନଂ-୩୨ |
| ୨୯. | ଧରିତ୍ରୀ ଜେନା | ୱାର୍ଡ଼ ନଂ-୩୩ |
| ୩୦. | ପୁଷ୍ପାଞ୍ଜଳୀ ସେଠୀ | ୱାର୍ଡ ନଂ-୩୪ |
| ୩୧. | ରଞ୍ଜୁଲତା ରାୟ | ୱାର୍ଡ ନଂ-୩୫ |
| ୩୨. | ଅଲିଅଳି ମଲ୍ଲିକ୍ | ୱାର୍ଡ଼ ନଂ-୩୬ |
| ୩୩. | ବନ୍ଦିତା ପାଲ୍ | ୱାର୍ଡ଼ ନଂ-୩୭ |
| ୩୪. | ଗିତାଞ୍ଜଳୀ ସାହୁ | ୱାର୍ଡ ନଂ-୩୯ |
| ୩୫. | ଅସିୟା ବେଗମ୍ | ୱାର୍ଡ଼ ନଂ-୪୦ |
| ୩୬. | କବିତା ସ୍ୱାଇଁ | ୱାର୍ଡ ନଂ-୪୧ |
| ୩୭. | ଆଶିଷ କୁମାର ପଟ୍ଟନାୟକ | ୱାର୍ଡ଼ ନଂ-୪୨ |
| ୩୮. | ଭରତ କୁମାର ଲେଙ୍କା | ୱାର୍ଡ ନଂ-୪୩ |
| ୩୯. | ଅଜିତ୍ ବେହେରା | ୱାର୍ଡ଼ ନଂ-୪୪ |
| ୪୦. | ଅମରେଶ ଜେନା | ୱାର୍ଡ଼ ନଂ-୪୫ |
| ୪୧. | ପୁଷ୍ପା ରାଉତ | ୱାର୍ଡ ନଂ-୪୬ |
| ୪୨. | ସମିତା ମହାନ୍ତି | ୱାର୍ଡ଼ ନଂ-୪୭ |
| ୪୩. | ସୁଚିତ୍ରା ପାତ୍ର | ୱାର୍ଡ଼ ନଂ-୪୮ |
| ୪୪. | ସଂଯୁକ୍ତା ସୁନ୍ଦରାୟ | ୱାର୍ଡ ନଂ-୪୯ |
| ୪୫. | ରାମଚନ୍ଦ୍ର ରଣସିଂହ | ୱାର୍ଡ଼ ନଂ-୫୦ |
| ୪୬. | ଶ୍ରୀଧର ବେହେରା | ୱାର୍ଡ ନଂ-୫୨ |
| ୪୭. | ମହାମାୟା ସ୍ୱାଇଁ | ୱାର୍ଡ଼ ନଂ-୫୩ |
| ୪୮. | ଶିବ ପ୍ରସାଦ ବେହେରା | ୱାର୍ଡ଼ ନଂ-୫୪ |
| ୪୯. | ନୃପେଶ କୁମାର ନାୟକ | ୱାର୍ଡ଼ ନଂ-୫୫ |
| ୫୦. | କେ. ଶାନ୍ତି | ୱାର୍ଡ଼ ନଂ-୫୬ |
| ୫୧. | ସନ୍ତୋଷ କୁମାର ସିଂହ | ୱାର୍ଡ ନଂ-୫୭ |
| ୫୨. | ନମିତା ମହାପାତ୍ର | ୱାର୍ଡ଼ ନଂ-୫୮ |
| ୫୩. | ଚନ୍ଦ୍ରଶେଖର ମଲିଆ | ୱାର୍ଡ଼ ନଂ-୬୦ |
| ୫୪. | ଶିବ ନାରାୟଣ ରାୟ | ୱାର୍ଡ ନଂ-୬୧ |
| ୫୫. | ଚାରୁଲତା ସାମନ୍ତରାୟ | ୱାର୍ଡ଼ ନଂ-୬୨ |
| ୫୬. | ସୁଜାତା ଛୋଟରାୟ | ୱାର୍ଡ଼ ନଂ-୬୩ |
| ୫୭. | ସକିବା ମୁଶରତ | ୱାର୍ଡ଼ ନଂ-୬୪ |
| ୫୮. | ରଶ୍ମି ରଞ୍ଜନ ପାଟଶାଣୀ | ୱାର୍ଡ ନଂ-୬୫ |
| ୫୯. | ଛବି ଦାଶ | ୱାର୍ଡ଼ ନଂ-୬୬ |
| ୬୦. | ମଧୁସ୍ମିତା ପ୍ରଧାନ | ୱାର୍ଡ଼ ନଂ-୬୭ |

ଅଦ୍ୟ ତା ୨୮.୦୧.୨୦୨୬ ରିଖ ପୂର୍ବାହ୍ନ ଘ.୧୦.୩୦ ମିନିଟ୍ ସମୟରେ ନିଗମ ସଭାକକ୍ଷ "ଏକାମ୍ର" BMC-ICOMC ରେ ଭୁବନେଶ୍ୱର ମହାନଗର ନିଗମର ୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ଭୁବନେଶ୍ୱର ମହାନଗର ନିଗମର ଚିଠା ବଜେଟ୍ ଅଟକଳ ଉପସ୍ଥାପନ ନିମନ୍ତେ ଏକ ସ୍ୱତନ୍ତ୍ର ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ନିଗମର ମାନନୀୟା ମେୟର-ତଥା-ଗୃହର ସ୍ଥାୟୀ ସଭାପତି ଶ୍ରୀମତୀ ସୁଲୋଚନା ଦାସ ସଭାପତତ୍ୱ କରିଥିଲେ । ମେୟର-ତଥା-ସଭାପତି ବୈଠକରେ ଉପସ୍ଥିତ ଥିବା ଡେପୁଟି ମେୟର, ଷ୍ଟାଣ୍ଡିଂ କମିଟିର ଚେୟାରମ୍ୟାନ/ଚେୟାର୍‌ପରସନ୍, କମିଶନର, ଅତିରିକ୍ତ କମିଶନର, କର୍ପୋରେଟର ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ସ୍ୱାଗତ କରିବା ପରେ ନିମଗର ପ୍ରଚଳିତ ପ୍ରଥା ଅନୁଯାୟୀ '**ବନ୍ଦେ ଉତ୍କଳ ଜନନୀ**' ବନ୍ଦନା ଗାନ କରାଯିବା ପରେ ସଭାକାର୍ଯ୍ୟ ଆରମ୍ଭ ହୋଇଥିଲା ।

ଟ୍ୟାକ୍‌ସେସନ୍, ଫାଇନାନ୍ସ ଆଣ୍ଡ୍ ଆକାଉଂଟ୍‌ସ ଷ୍ଟାଣ୍ଡିଂ କମିଟିର ଚେୟାର୍‌ମ୍ୟାନ୍ ଶ୍ରୀ ରାଜକିଶୋର ଦାସଙ୍କୁ ବଜେଟ୍ ଉପସ୍ଥାପନ କରିବା ପାଇଁ ସଭାପତି ଆମନ୍ତ୍ରଣ କରିଥିଲେ । ଚେୟାର୍‌ମ୍ୟାନ୍ ଶ୍ରୀ ରାଜକିଶୋର ଦାସ ଆଜିର ବୈଠକରେ ୨୦୨୬-୨୭ ଆର୍ଥିକ ବର୍ଷର ଚିଠା ବଜେଟ୍ (Draft Budget Estimate for 2026-27) ଉପସ୍ଥାପନ କରିବାକୁ ତାଙ୍କୁ ସୁଯୋଗ ମିଳିଥିବାରୁ ମାନନୀୟା ମେୟର, ଷ୍ଟାଣ୍ଡିଂ କମିଟିର ଚେୟାରମ୍ୟାନ/ଚେୟାର୍‌ପରସନ୍, କମିଶନର, ଅତିରିକ୍ତ କମିଶନର, କର୍ପୋରେଟର, ଅଧିକାରୀ ଓ କର୍ମଚାରୀ ମାନଙ୍କୁ ଧନ୍ୟବାଦ ଦେବା ସହିତ ନିଗମର ୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ଚିଠା ବଜେଟ୍ (Draft Budget Estimate for 2026-27) ଉପସ୍ଥାପନ କରିଥିଲେ ଏବଂ ଏହି ଚିଠା ବଜେଟର ଏକକିତା ଲେଖାଏଁ ନକଲ ବୈଠକରେ ଉପସ୍ଥିତ ଥିବା ସମସ୍ତ କର୍ପୋରେଟର ମାନଙ୍କୁ ପ୍ରଦାନ କରାଯାଇଥିଲା । ତତ୍ ପରେ କମିଟିର ଚେୟାର୍‌ମ୍ୟାନ୍ କହିଥିଲେ ଯେ, OMC Act-2003 ର ଉପଧାରା-୩ ଧାରା-୧୩୭ ଅନୁଯାୟୀ ଏହି ଚିଠା ବଜେଟ୍‌ରେ ବର୍ଷ ଆରମ୍ଭର ହାତଜମା (Opening Balance) ୨୯୬.୪୯ କୋଟି ଟଙ୍କା ମାତ୍ର ସହିତ ନିଗମର ବିଭିନ୍ନ ସୂତ୍ରରୁ ଆୟ ବାବଦରେ ୧୦୫୦.୦୬ କୋଟି ଟଙ୍କା ମାତ୍ର ଏପରି ମୋଟ ୧୩୪୬.୫୫ କୋଟି ଟଙ୍କା ମାତ୍ର ଏବଂ ବ୍ୟୟ ବାବଦରେ ୧୦୦୮.୬୫ କୋଟି ଟଙ୍କା ମାତ୍ର ବ୍ୟବସ୍ଥା କରାଯାଇ ବର୍ଷ ଶେଷରେ ୩୩୭.୯୦ କୋଟି ଟଙ୍କା ମାତ୍ର ବଳକା (Closing Balance) ରହିବ ବୋଲି ଆକଳନ କରାଯାଇଅଛି । ଏହା ଆପଣ ମାନଙ୍କ ମତାମତକୁ ଭିତି କରି ଏହି ବଜେଟ୍ ପ୍ରସ୍ତୁତ କରାଯାଇଅଛି । ଆପଣମାନେ ଏହାକୁ ତର୍ଜମା କରିବେ ଏବଂ ଆପଣ ମାନଙ୍କର ସୁଚିନ୍ତିତ ମତାମତ ପାଇଲେ ଏହାକୁ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇ ଏକ ପୂର୍ଣ୍ଣାଙ୍ଗ ବଜେଟ୍ ପ୍ରସ୍ତୁତ କରାଯିବ ଏବଂ ମାର୍ଚ୍ଚ ମାସ ୧ ତାରିଖ ପୂର୍ବରୁ ଏକ ସ୍ୱତନ୍ତ୍ର କର୍ପୋରେସନ ବୈଠକରେ ଅନୁମୋଦନ ହେବାପରେ ରାଜ୍ୟ ସରକାରଙ୍କ ନିକଟକୁ ପଠାଯିବ କହି ତାଙ୍କର ବକ୍ତବ୍ୟ ଶେଷ କରିଥିଲେ ।

ସଭାପତି କହିଥିଲେ ଯେ, ଆଜିର ଆୟକୁ ଦେଖି ବଜେଟ୍ ପ୍ରସ୍ତୁତ କରାଯାଇଅଛି, ସେଥିପାଇଁ ଆମର ରାଜସ୍ୱ ବୃଦ୍ଧି କରିବାକୁ ପଡ଼ିବ । କଲ୍ୟାଣମଣ୍ଡପ, ବିଭିନ୍ନ ମାର୍କେଟ୍, ଯାତ୍ରୀନିବାସର ପୁନଃଉଦ୍ଧାର, ସହିଦନଗର ଅଡ଼ିଟୋରିୟମ୍ ଆଦି କରିବାକୁ ପଡ଼ିବ, ସବୁ ଘରକୁ ଗୃହ ଟିକସ ଅନ୍ତର୍ଭୁକ୍ତ କରିବା, ୟୁଜର୍ସ ଫି ଆଦାୟ କରିବାକୁ ପଡ଼ିବ, ଆମର ରାଜସ୍ୱ ବୃଦ୍ଧି ହେଲେ ରାଜ୍ୟ ସରକାର ଅନୁଦାନ ବୃଦ୍ଧି କରିବା ପାଇଁ ପ୍ରତିଶ୍ରୁତି ଦେଇଛନ୍ତି ଏବଂ ରାଜ୍ୟ ସରକାର ଅଧିକ ଅନୁଦାନ ଅର୍ଥ ଦେଲେ ଆମେ ସପ୍ଲିମେଂଟାରୀ ବଜେଟରେ ଅଧିକ ଅର୍ଥ ବ୍ୟବସ୍ଥା କରିବା ।

ସର୍ବ ଶେଷରେ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ପୂର୍ବାହ୍ନ ଘ.୧୧.୨୫ ମିନିଟ୍ ସମୟରେ ସଭା ସାଙ୍ଗ କରାଗଲା ।

ସ୍ୱା/-ସୁଲୋଚନା ଦାସ
ସଭାପତି
ତା ୨୮.୦୧.୨୦୨୬ ରିଖ